**Sankha Bhawan**
Plot No. 798, Unit - VI
Bhubaneswar - 751001, Odisha

Ph : 0674-2393464, 2395979
email : bijujanatadal@gmail.com

**BJD**

# BIJU JANATA DAL

<u>ବିଜେଡିର ମିଶ୍ରଣ ପର୍ବ</u>

# ବିଜେଡ଼ିରେ ଯୋଗଦେଲେ ମୋହନା ନିର୍ବାଚନମଣ୍ଡଳୀର ପୂର୍ବତନ ବିଧାୟିକା ବାସନ୍ତୀ ମଲ୍ଲିକ

**ଭୁବନେଶ୍ୱର, ୩୦/୦୪/୨୦୨୪:** ଗଜପତି ଜିଲ୍ଲା ଅନ୍ତର୍ଗତ ମୋହନା ନିର୍ବାଚନମଣ୍ଡଳୀର ପୂର୍ବତନ ବିଧାୟିକା ବାସନ୍ତୀ ମଲ୍ଲିକ ଆଜି ଶଙ୍ଖଭବନ ଠାରେ ରାଜ୍ୟସଭା ସାଂସଦ ଡକ୍ଟର ସସ୍ମିତ ପାତ୍ରଙ୍କ ଉପସ୍ଥିତିରେ ବିଜେଡିରେ ଯୋଗ ଦେଇଛନ୍ତି। ଦଳରେ ସାମିଲ୍ ହୋଇଥିବା ପୂର୍ବତନ ବିଧାୟିକା ବାସନ୍ତୀ ମଲ୍ଲିକଙ୍କୁ ଡକ୍ଟର ପାତ୍ର ଉପଢୌକନ ଦେଇ ଦଳକୁ ସ୍ୱାଗତ କରିଥିଲେ। ବାସନ୍ତୀ ମଲ୍ଲିକଙ୍କ ଯୋଗଦାନ ଫଳରେ ବିଶେଷକରି ମୋହନା ନିର୍ବାଚନ ମଣ୍ଡଳୀରେ ଦଳୀୟ ସଂଗଠନ ଆହୁରି ମଜଭୂତ ହେବ ବୋଲି ଡକ୍ଟର ପାତ୍ର କହିଥିଲେ।

ଏହି ଅବସରରେ ବିଜେଡ଼ିରେ ସାମିଲ୍ ହୋଇଥିବା ବାସନ୍ତୀ ମଲ୍ଲିକ ନିଜ ପ୍ରତିକ୍ରିୟାରେ କହିଥିଲେ ଯେ, ମୁଁ ୨୦୧୪ରୁ ୨୦୧୯ ବିଧାୟିକା ଥିଲାବେଳେ ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କର ନିର୍ଦ୍ଦେଶରେ ଲୋକମାନଙ୍କର ସହିତ ସମସ୍ତ ପ୍ରକାର ଜନମଙ୍ଗଳ ଯୋଜନାରେ ନିଜକୁ ସାମିଲ କରିଥିଲି । କିନ୍ତୁ ୨୦୧୯ ନିର୍ବାଚନ ବେଳେ ଗୋପାଳପୁରର ବିଧାୟକ ଡକ୍ଟର ପ୍ରଦୀପ ପାଣିଗ୍ରାହୀ ପର୍ଯ୍ୟବେକ୍ଷକ ଭାବରେ ନିଯୁକ୍ତି ହେଲା ପରେ ଚକ୍ରାନ୍ତ କରି ମୋର ଟିକେଟ କାଟିଥିଲେ । ଯାହା ଫଳରେ ଦଳକୁ ମଧ ପରାଜୟ ବରଣ କରିବାକୁ ପଡ଼ିଲା । ଏଥିରେ ମର୍ମାହତ ହୋଇ ବିଜେପିରେ ଯୋଗଦାନ କରିଥିଲି । କିନ୍ତୁ ଯେତେବେଳେ ଦେଖିଲି ବିଜେପି ପ୍ରଦୀପ ପାଣିଗ୍ରାହୀଙ୍କ ଭଳି ବ୍ୟକ୍ତି ଯିଏ ଚାକିରି କରାଇ ଦେବା ନାଁରେ ସାଧାରଣ ଲୋକଙ୍କୁ ଠକି ଟଙ୍କା ଖାଇଥିଲେ, ଦୁର୍ନୀତି ଅଭିଯୋଗରେ ଜେଲ ଯାଇଥିଲେ, କୋଭିଡ୍ ମହାମାରୀ ବେଳେ ସାଧାରଣ ଲୋକଙ୍କ ଠାରୁ ଦୂରେଇ ଯାଇଥିଲେ । ସେହିଭଳି ଜନବିରୋଧୀ ବ୍ୟକ୍ତିଙ୍କୁ ଭାରତୀୟ ଜନତା ପାର୍ଟି ବ୍ରହ୍ମପୁର ସଂସଦୀୟ କ୍ଷେତ୍ର ପାଇଁ ଟିକେଟ ଦେବାରୁ ମୁଁ ଭାରତୀୟ ଜନତା ପାର୍ଟିରୁ ଇସ୍ତଫା ଦେଲି । ମାନ୍ୟବର ମୁଖ୍ୟମନ୍ତ୍ରୀ ତଥା ବିଜେଡ଼ି ସୁପ୍ରିମୋ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକଙ୍କ ଲୋକାଭିମୁଖୀ କାର୍ଯ୍ୟ, ସ୍ୱଚ୍ଛ ଶାସନ, ନିର୍ମଳ ଭାବମୂର୍ତ୍ତି ଓ ନୀତି ଆଦର୍ଶରେ ଅନୁପ୍ରାଣିତ ହୋଇ ଆଜି ବିଧିବଦ୍ଧ ଭାବେ ବିଜେଡିରେ ଯୋଗ ଦେଲି । ନୂତନ ଓଡ଼ିଶା ଗଠନ ଦିଗରେ ମାନ୍ୟବର ମୁଖ୍ୟମନ୍ତ୍ରୀ ମୋତେ ଯାହା ଦାୟିତ୍ୱ ଦେବେ ତାକୁ ସୂଚାରୁ ରୂପେ ତୁଲାଇବି। ଦଳରେ ମୋତେ ଗ୍ରହଣ କରିଥିବାରୁ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ, ଦଳର ସାଂଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଏବଂ ସମସ୍ତ ନେତୃବୃନ୍ଦଙ୍କୁ କୃତଜ୍ଞତା ଜ୍ଞାପନ କରୁଛି ।

ଶେଷରେ ବିଜେଡ଼ି ମୁଖପାତ୍ର ଡଃ ପ୍ରିୟବ୍ରତ ମାଝୀ ଧନ୍ୟବାଦ ଅର୍ପଣ କରିଥିଲେ।

ଡଃ ପ୍ରିୟବ୍ରତ ମାଝୀ

**(ପ୍ରିୟବ୍ରତ ମାଝୀ)**
**ମୁଖପାତ୍ର, ବିଜୁଜନତା ଦଳ**


ନୂଆ ଓଡ଼ିଶା
ସଶକ୍ତ ଓଡ଼ିଶା


ନୂଆ ଓଡ଼ିଶା
ସଶକ୍ତ ଓଡ଼ିଶା